ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/SME(Od)/1136/19-10-2023**

# 'ମୋ ସରକାର' ପ୍ରକୋଷ୍ଠରେ ମିଳିଥିବା ଅଭିଯୋଗ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ପାଇଁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ନିର୍ଦ୍ଦେଶ

ଭୁବନେଶ୍ୱର,୧୯/୧୦/୨୦୨୩:

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ, ଓଡ଼ିଶା ଦ୍ୱାରା ପରିଚାଳିତ 'ମୋ ସରକାର' ପ୍ରକୋଷ୍ଠରେ କେତେକ କର୍ମଚାରୀମାନଙ୍କ ବିରୁଦ୍ଧରେ ଅଭିଯୋଗ ହସ୍ତଗତ ହୋଇଥିଲା । ଉକ୍ତ ଅଭିଯୋଗଗୁଡ଼ିକୁ ଅନୁଧ୍ୟାନ କଲା ପରେ ଜଣାପଡ଼ିଲା ଯେ ଏଗୁଡ଼ିକ ମୁଖ୍ୟତଃ ଶିକ୍ଷକମାନଙ୍କର ପେନ୍ସନ୍, ଅବସରକାଳୀନ ପ୍ରାପ୍ୟ ଓ ସରକାରୀ କାର୍ଯ୍ୟରେ ଅବହେଳା ସମ୍ବନ୍ଧୀୟ ଅଟେ ।

ଉକ୍ତ ଅଭିଯୋଗ ଆଧାରରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ତରଫରୁ ବିଭାଗୀୟ ଅଧିକାରୀଙ୍କୁ ସଂପୃକ୍ତ ଜିଲ୍ଲା କାର୍ଯ୍ୟାଳୟ (ଭଦ୍ରକ, କଳାହାଣ୍ଡି ଓ ଯାଜପୁର)ଗୁଡ଼ିକୁ ତଦନ୍ତ ନିମନ୍ତେ ପଠାଯାଇଥିଲା । ତଦନ୍ତରୁ ଜଣାପଡ଼ିଲା ଯେ ଅଭିଯୋଗଗୁଡ଼ିକର ସତ୍ୟତା ରହିଅଛି । ଉକ୍ତ ତଦନ୍ତ ରିପୋର୍ଟ ଆଧାରରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ତରଫରୁ ସଂପୃକ୍ତ ବିଭାଗୀୟ ନିର୍ଦ୍ଦେଶକମାନଙ୍କୁ ଏହି କର୍ମଚାରୀମାନଙ୍କ ବିରୁଦ୍ଧରେ ନିୟମାନୁଯାୟୀ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ